**ଯାଜପୁର ଜିଲ୍ଲାରେ "ପ୍ରଶାସନ ନଗର ପ୍ରକଳ୍ପ" ନିର୍ମାଣ ନିମନ୍ତେ ସାମାଜିକ ଆବଶ୍ୟକ ବେସରକାରୀ ଜମି ଅଧିଗ୍ରହଣ ର ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ସମ୍ବନ୍ଧ, ତା. ୧୯.୦୮.୨୦୨୩ରିଖରେ ଅନୁଷ୍ଠିତ ବିଶେଷଜ୍ଞ କମିଟି ବୈଠକର ବିବରଣୀ ।**

ଯାଜପୁର ସହରର ""**ପ୍ରଶାସନ ନଗର ପ୍ରକଳ୍ପ**" ନିମନ୍ତେ ଯାଜପୁର ତହସିଲ ଅନ୍ତର୍ଗତ ୟୁନିଟନଂ-୭ ଶୀତଳେଶ୍ୱରରେ ପ୍ରସ୍ତାବିତ ହୋଇଥିବା ଜମିଅଧିଗ୍ରହଣ ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ମୂଲ୍ୟାଙ୍କନ ପାଇଁ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁର ଙ୍କ ଅଧକ୍ଷତାରେ ବିଶେଷଜ୍ଞ କମିଟିର ସଦସ୍ୟମାନଙ୍କ ଉପସ୍ଥିତିରେ ତା. ୧୯.୦୮.୨୦୨୩ରିଖ ପୂର୍ବାହ୍ନ ଘ.୧୧:୩୦.ରେ ଏକ ଆଲୋଚନା ସଭା ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଙ୍କ ପ୍ରକୋଷ୍ଠ ରେ ଅନୁଷ୍ଠିତ ହୋଇଥିଲା ।

ବୈଠକ ପ୍ରାରମ୍ଭରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ), ଯାଜପୁର, ବିଶେଷଜ୍ଞ କମିଟିର ସମସ୍ତ ସଦସ୍ୟ ଙ୍କୁ ସ୍ୱାଗତ କରିବା ସଙ୍ଗେ ସଙ୍ଗେ ଆବଶ୍ୟକ ହେଉଥିବା ଭୂମି ଅଧିଗ୍ରହଣ ଓ ଉଚିତ ପ୍ରାପ୍ୟ ପ୍ରଦାନ ଓ ସ୍ୱଛତା ଅବଲମ୍ବନ ନିମନ୍ତେ ପ୍ରଚଳିତ ଆଇନ-୨୦୧୩ (**RFCTLAR&R Act-2013**) ଓ ଓଡିଶା ସରକାରଙ୍କ ଅଧିନିୟମ ନିୟମାବଳୀ-୨୦୧୬ (**ORFCTLAR&R Rules-2016**) ଅନୁଯାୟୀ ପ୍ରସ୍ତାବିତ ପ୍ରକଳ୍ପର ଆବଶ୍ୟକତା ଓ ସାମିଜିକ ପ୍ରଭାବ ଆକଳନ ଅଧ୍ୟୟନର ସାରମର୍ମ ଆଲୋଚନା କରିବା ସହିତ ଉପସ୍ଥିତ ଥିବା ବିଶେଷଜ୍ଞ ଓ ଅନ୍ୟ ସଦସ୍ୟମାନଙ୍କ ଠାରୁ ଉକ୍ତ ପ୍ରକଳ୍ପ ସମ୍ବନ୍ଧରେ ନିଜର ମତାମତ ଉପସ୍ଥାପନ କରିବାକୁ ଅନୁରୋଧ କରିଥିଲେ । କମିଟିର ସଦସ୍ୟବୃନ୍ଦ ସାମାଜିକ ପ୍ରଭାବ ଆକଳନର ଚୂଡାନ୍ତ ବିବରଣୀକୁ ତର୍ଜମା କରି ନିମ୍ନୋକ୍ତ ସିଦ୍ଧାନ୍ତରେ ଉପନୀତ ହୋଇଥିଲେ ।

(୧) ଯାଜପୁର ଜିଲ୍ଲାରେ ପ୍ରଶାସନ ନଗର ପ୍ରକଳ୍ପ ନିର୍ମାଣ ଦ୍ୱାରା ସମସ୍ତ ପ୍ରଶାସନିକ ତଥା ବିଭାଗୀୟ କାର୍ଯ୍ୟାଳୟଗୁଡିକ ଏକ ଛାତ ତଳେ ଅବସ୍ଥାନ କରିପାରିବେ ଯାହା ଫଳରେ ଲୋକମାନେ ସେମାନଙ୍କର କାର୍ଯ୍ୟ ପାଇଁ ବିଭିନ୍ନ ସ୍ଥାନକୁ ଯିବା ପରିବର୍ତ୍ତେ ଗୋଟିଏ ସ୍ଥାନକୁ ଯାଇ ସୁବିଧାରେ କାର୍ଯ୍ୟ ସମାପନ କରିପାରିବେ ।

(୨) ପ୍ରସ୍ତାବିତ ପ୍ରଶାସନ ନଗର ନିର୍ମାଣ ପ୍ରକଳ୍ପ ଦ୍ୱାରା ସରକାରଙ୍କ ବ୍ୟତୀତ ସାଧାରଣ ଲୋକମାନେ ମଧ ଅନେକ ଉପାୟରେ ଲାଭବାନ ହେବେ । ଗୋଟିଏ ସ୍ଥାନରେ ବିଭିନ୍ନ ସରକାରୀ କାର୍ଯ୍ୟାଳୟ ସଂଯୋଜିତ ବିଭାଗ ଗୁଡିକ କାର୍ଯ୍ୟ କରିବା ଦ୍ୱାରା ସାଧାରଣ ଲୋକ ମାନଙ୍କର କାର୍ଯ୍ୟ ସମ୍ପାଦନ କରିବା ଅତ୍ୟନ୍ତ ସୁବିଧାଜନକ ହୋଇପାରିବ ଏହାଛଡା ସରକାରୀ କାର୍ଯ୍ୟାଳୟ ଗୁଡିକ ମଧରେ ଅ ାନ୍ତଃ ବିଭାଗୀୟ ସମନ୍ୱୟ ସମ୍ଭବ ହେବ ସଙ୍ଗେ ସଙ୍ଗେ କାର୍ଯ୍ୟ ପରିବେଶରେ ମଧ ଉନ୍ନତି ଘଟିବ ।

(୩) ଉକ୍ତ ପ୍ରକଳ୍ପ ଦ୍ୱାରା ପ୍ରତ୍ୟକ୍ଷ ଏବଂ ପରୋକ୍ଷ ଭାବରେ ଅନେକ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇପାରିବ ।

(୪) କ୍ଷତିଗ୍ରସ୍ତ ଜମିମାଲିକ ମାନେ କିପରି ବିନା ଅସୁବିଧାର ସମ୍ମୁଖୀନ ହୋଇ କ୍ଷତିପୂରଣ ରାଶି ପାଇପାରିବେ ତାହା ବୈଠକରେ ଆଲୋଚନା ହେଲା ।

(୫) କ୍ଷତିଗ୍ରସ୍ତ ହେଉଥିବା ଜମିମାଲିକମାନଙ୍କର ଅଭିଯୋଗ ଗୁଡିକର ଶୁଣାଣୀ କିପରି ସଠିକ ଓ ତ୍ୱରିତ ଭାବରେ ହୋଇପାରିବ ଏଥିନେଇ ବୈଠକ ରେ ଆଲୋଚନା କରାଗଲା ।

(୬) ଯାଜପୁର ବିକାଶ ର ପ୍ରଗତି ପଥେ । ଉକ୍ତ ସହରରେ ନୂତନ ଭେଷଜ ମହାବିଦ୍ୟାଳୟ, ପ୍ରଶାସନ ଭବନ, ଇଣ୍ଡୋର ଷ୍ଟାଡିୟମ୍, ମା ବିରଜା ଙ୍କ ଚତୁପାର୍ଶ୍ୱର ଉନ୍ନତି କରଣ ଇତ୍ୟାଦି ଅନେକ ପ୍ରକଳ୍ପ ର କାର୍ଯ୍ୟ ଚାଲୁଅଛି । ଭବିଷ୍ୟତରେ ଯାଜପୁର ସହର ଏକ ପର୍ଯ୍ୟଟନ ସ୍ଥଳ ଭାବରେ ଓଡିଶା ମାନଚିତ୍ରରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିବାକୁ ଯାଉଅଛି । ଏଣୁ ଭବିଷ୍ୟତକୁ ଆଖି ଆଗରେ ଉକ୍ତ ପ୍ରକଳ୍ପଦ୍ୱାରା ଯାଜପୁର ସହରରେ ଭିତ୍ତିଭୂମିରେ ବିକାଶରେ ସହାୟକ ହେବ ।

(୭) ଜନସାଧାରଣଙ୍କର ସାମାଜିକ, ଅର୍ଥନୈତିକ ମାନଦଣ୍ଡର ବିକାଶ ପାଇଁ ଉକ୍ତ ପ୍ରକଳ୍ପ ସହାୟକ ହେବ ବୋଲି ଆଶା କରାଯାଉଅଛି ।

ଯାଜପୁରର ଉପରୋକ୍ତ ପ୍ରକଳ୍ପ କାର୍ଯ୍ୟକାରୀ କରାଯାଇ ପାରିଲେ ସାମୁହିକ ଉନ୍ନତି ସମ୍ଭବ ହୋଇପାରିବ ବୋଲି ଦୃଢୋକ୍ତି ପ୍ରକାଶ କରିବା ସଙ୍ଗେ ସଙ୍ଗେ ପ୍ରକଳ୍ପ କାର୍ଯ୍ୟ ପାଇଁ ସହମତି ପ୍ରକାଶ କରନ୍ତି ।

ସର୍ବଶେଷରେ ଆବାହକ-ତଥା-ଉପଜିଲ୍ଲାପାଳ, ଯାଜପୁର ଉପସ୍ଥିତ ଥିବା ସମସ୍ତ ସଦସ୍ୟ ମାନଙ୍କୁ ଧନ୍ୟବାଦ ଦେବା ସହିତ ସଭାସାଙ୍ଗ କରାଯାଇଥିଲା ।

୨୧.୦୮.୨୩

ଅଧ୍ୟକ୍ଷ-ତଥା-ଅତିରିକ୍ତ ଜିଲ୍ଲାପାଳ,(ରାଜସ୍ୱ)
ଯାଜପୁର

# ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ଯାଜପୁର

## (ଭୂ-ଅର୍ଜନ (ସିଭିଲ) ଉପ-ବିଭାଗ)

## ବିଜ୍ଞାପନ

**ସଂଖ୍ୟା** ୧୦୧୬୦ **ତା.** ୦୨/୦୯/୨୦୨୩

ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଛତା ଅଧିକାର ଆଇନ-୨୦୧୩ ଧାରା ୭ ର ଉପଧାରା ୧ ମୁତାବକ **'ପ୍ରଶାସନ ନଗର ପ୍ରକଳ୍ପ'**"ପ୍ରକଳ୍ପ, ଯାଜପୁର ଜିଲ୍ଲା ପାଇଁ ସାମାଜିକ ପ୍ରଭାବ ନିର୍ଦ୍ଧାରଣ ବିବରଣୀ ମୂଲ୍ୟାଙ୍କନ ନିମିତ ଗଠିତ ସ୍ୱତନ୍ତ୍ର ବହୁ ଶୃଙ୍ଖଳୀୟ ବିଶେଷଜ୍ଞ ଗୋଷ୍ଠୀର ତା.**୧୯.୦୮.୨୦୨୩ରିଖରେ** ପୂର୍ବାହ୍ନ ଘ.୧୧:୩୦.ରେ ଘଟିକା ସମୟରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁରଙ୍କ ଅଧ୍ୟକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ବୈଠକ ବିବରଣୀ ଓ ସୁପାରିସ ସମ୍ପର୍କୀୟ ବିଜ୍ଞାପନ ଓଡିଶା ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଛତା ଅଧିକାର ନିୟମ, ୨୦୧୬ ର ଧାରା ୧୬ ମୁତାବକ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଏଥି ସହିତ ସଲଗ୍ନ କରାଯାଇ ପ୍ରକାଶ କରାଗଲା । ଏହି ବିଜ୍ଞପ୍ତି ଓଡିଶା ରାଜ୍ୟ ସରକାର ଏବଂ ଯାଜପୁର ଜିଲ୍ଲାପାଳଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ ହେବ ।

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-**ଅଧ୍ୟକ୍ଷ**
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

**ଜ୍ଞାପକ ସଂଖ୍ୟା.** ୧୦୧୬୧ **ତା.** ୦୨/୦୯/୨୦୨୩

ଏହାର ଏକକିତା ନକଲ ବିଶେଷଜ୍ଞ ଗୋଷ୍ଠୀର ସମସ୍ତ ସଦସ୍ୟଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-**ଅଧ୍ୟକ୍ଷ**
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

**ଜ୍ଞାପକ ସଂଖ୍ୟା.** ୧୦୧୬୨ **ତା.** ୦୨/୦୯/୨୦୨୩

ଏହାର ଏକକିତା ନକଲ ଉପ-ଜିଲ୍ଲାପାଳ, ଯାଜପୁର/ ଭୂ-ଅର୍ଜନ ଅଧିକାରୀ(ସିଭିଲ)ଯାଜପୁର, ଯାଜପୁର/ ଅଧିକ୍ଷଣ ଯନ୍ତ୍ରୀ, ରାସ୍ତା ଓ ଗୃହ ନିର୍ମାଣ ବିଭାଜନ, ପାଣିକୋଇଲି/ ତହସିଲଦାର, ଯାଜପୁର/ ନିର୍ବାହୀ ଅଧିକାରୀ, ଯାଜପୁର ପୌରପାଳିକା ଅବଗତି ଓ ବିହୀତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ଭୂ-ଅର୍ଜନ ଅଧିକାରୀ(ସିଭିଲ), ଯାଜପୁରଙ୍କୁ ବିଜ୍ଞାପନର ନକଲ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନର ଗୋଟିଏ ନକଲ ୟୁନିଟ ଶୀତଳେଶ୍ୱର ମୌଜାର ଅନ୍ତତଃ ଦୁଇଜଣ ଗ୍ରାମବାସୀଙ୍କ ସ୍ୱାକ୍ଷର ନେଇ ସାର୍ବଜନୀନ ସ୍ଥଳୀରେ ପ୍ରକାଶନ କରିବେ ଏବଂ ଜିଲ୍ଲାପାଳ, ଯାଜପୁରଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ କରାଇବାପାଇଁ ନିର୍ଦ୍ଦେଶ ଦିଆଗଲା ।

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-**ଅଧ୍ୟକ୍ଷ**
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୧୦୧୭୩ ତା. ୦୨/୦୮/୨୦୨୩

ଏହାର ଏକକିତା ନକଲ ଯୁଗ୍ମ ଶାସନ ସଚିବ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ, ଓଡିଶା/ ଯୁଗ୍ମ ଶାସନ ସଚିବ, ପୂର୍ତ୍ତ ବିଭାଗ, ଓଡିଶା , ଓଡିଶା / ଯୁଗ୍ମ ଶାସନ ସଚିବ, କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଙ୍କ କାର୍ଯ୍ୟାଳୟ କଟକ ଙ୍କ ଅବଗତି ନିମନ୍ତେ ପ୍ରେରଣ କରାଯାଇ ଓଡିଶା ସରକାରଙ୍କ ୱେବ୍ ସାଇଟ୍‌ରେ ପ୍ରକାଶନ କରିବାପାଇଁ ଅନୁରୋଧ କରାଗଲା

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୧୦୧୭୪ ତା. ୦୨/୦୮/୨୦୨୩

ଏହାର ଏକକିତା ନକଲ ଜିଲ୍ଲାପାଳଙ୍କ ନୋଟିସ୍ ବୋର୍ଡ / ଜିଲ୍ଲା ସୂଚନା ଓ ବିଜ୍ଞାନ ଅଧିକାରୀ, ଯାଜପୁର କୁ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନ ଜିଲ୍ଲାପାଳ, ଯାଜପୁର ୱେବ୍ ସାଇଟ୍‌ରେ ତୁରନ୍ତ ପ୍ରକାଶନ କରିବେ ।

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର